# ମଣ୍ଡପରେ ଗଣେଶ ପୂଜା ବନ୍ଦ ନିମନ୍ତେ ଜିଲ୍ଲା ପ୍ରଶାସନ ଦ୍ୱାରା ନିର୍ଦ୍ଦେଶନାମା ଜାରି

ଅନୁଗୋଳ ୧୯.୮ :- ଅନୁଗୋଳ ଜିଲ୍ଲାର ବିଭିନ୍ନ ସ୍ଥାନରେ ଚଳିତ ବର୍ଷ ବିଘ୍ନରାଜ ଗଣେଶଙ୍କର ମଣ୍ଡପରେ ହେଉଥିବା ପୂଜାକୁ ଜିଲ୍ଲା ପ୍ରଶାସନ ତରଫରୁ କୌଣସି ଅନୁମତି ଦିଆଯିବନାହିଁ । ଚଳିତ ବର୍ଷ କରୋନା ସଂକ୍ରମଣକୁ ଦୃଷ୍ଟିରେ ରଖି ଜନସାଧାରଣଙ୍କ ଜୀବନର ସୁରକ୍ଷା ଉପରେ ଗୁରୁତ୍ୱ ଦିଆଯାଇ ଜିଲ୍ଲା ପ୍ରଶାସନ ତରଫରୁ ଏହି ପଦକ୍ଷେପ ନିଆଯାଇଛି । ଏହି ପୂଜାକୁ ନିଜ ନିଜ ଘରେ ସୀମିତ ୪ରୁ ୫ଜଣ ସଦସ୍ୟ ସଦସ୍ୟାଙ୍କୁ ନେଇ କୋଭିଡ-୧୯ ନିର୍ଦ୍ଦେଶନାମା ଅନୁପାଳନ ଆଧାରରେ ପୂଜା କରାଯାଇପାରିବ । ଏହି ନିର୍ଦ୍ଦେଶନାମାର ଅବମାନନା କଲେ ସଂପୃକ୍ତ ବ୍ୟକ୍ତିଙ୍କ ବିରୁଦ୍ଧରେ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ ବୋଲି ଜିଲ୍ଲାପାଳ ଶ୍ରୀ ମନୋଜ କୁମାର ମହାନ୍ତି ପ୍ରକାଶ କରିଛନ୍ତି ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ,ଅନୁଗୋଳ ।

ଜ୍ଞାପକ ସଂଖ୍ୟା.୫୨୨ ତା.୧୯.୮.୨୦୨୦

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରାଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ